# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**8 November – 2025**

## ପ୍ରଧାନମନ୍ତ୍ରୀ

ନୂଆଦିଲ୍ଲୀରେ ସୁପ୍ରିମକୋର୍ଟ ପରିସରରେ ଆଇନଗତ ସହାୟତା ପ୍ରଦାନ ବ୍ୟବସ୍ଥାକୁ ସୁଦୃଢ଼ କରିବା ନେଇ ଆୟୋଜିତ ଜାତୀୟ ସମ୍ମିଳନୀକୁ ଆଜି ସନ୍ଧ୍ୟାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଉଦ୍‌ଘାଟନ କରିବେ । ଜାତୀୟ ଆଇନଗତ ସେବା ପ୍ରାଧିକରଣ-ନାଲ୍‌ସା ଦ୍ୱାରା ପ୍ରସ୍ତୁତ ଗୋଷ୍ଠୀ ଭିତ୍ତିକ ପ୍ରଶିକ୍ଷଣ ବ୍ୟବସ୍ଥାର ପ୍ରଧାନମନ୍ତ୍ରୀ ଆଜି ଶୁଭାରମ୍ଭ କରିବାର କାର୍ଯ୍ୟସୂଚୀ ରହିଛି । ଆଇନଗତ ସେବା ଢ଼ାଞ୍ଚାର ପ୍ରମୁଖ ମାର୍ଗଗୁଡ଼ିକ ଉପରେ ଏହି ଦୁଇଦିନିଆ ସମ୍ମିଳନୀରେ ଆଲୋଚନା ହେବ ବୋଲି ଜଣାପଡ଼ିଛି ।

## ବନ୍ଦେ ମାତରମ୍-ମୁଖ୍ୟମନ୍ତ୍ରୀ

ବନ୍ଦେ ମାତରମ୍ ହେଉଛି ଦେଶର ପ୍ରଥମ ବୈପ୍ଳବିକ ସ୍ଲୋଗାନ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ରବୀନ୍ଦ୍ର ମଣ୍ଡପଠାରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ବନ୍ଦେ ମାତରମ୍‌ର ୧୫୦ବର୍ଷ ପୂର୍ତ୍ତି ପାଳନ ଅବସରରେ ଗତକାଲି ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ଯୋଗଦେଇ ଏହା କହିଛନ୍ତି । ସେ କହିଛନ୍ତି, ଏହା କେବଳ ଏକ ଜାତୀୟତାବାଦ ଭିତ୍ତିକ ସଂଗୀତ ନୁହେଁ, ବରଂ ଏହା ଦେଶମାତୃକାର ବନ୍ଦନା ।

**V/O**

ଏହି ଅବସରରେ ରବୀନ୍ଦ୍ର ମଣ୍ଡପଠାରେ ଏକ ଫଟୋଚିତ୍ର ପ୍ରଦର୍ଶନୀ ଆୟୋଜିତ ହୋଇଥିଲା ।

---

# ରାଜ୍ୟପାଳ

ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଗତକାଲିଠାରୁ ୩ ଦିନିଆ ଗୁଜରାଟ ଗସ୍ତରେ ଯାଇଛନ୍ତି । ଦେଶର ପ୍ରଥମ ବୈଷୟିକ ଆର୍ଥିକ ଓ ପ୍ରଯୁକ୍ତିବିଦ୍ୟା କେନ୍ଦ୍ର ଗୁଜରାଟ ଇଣ୍ଟରନ୍ୟାଶନାଲ୍ ଫାଇନାନ୍ସ ଟେକ୍-ସିଟି ଗତକାଲି ରାଜ୍ୟପାଳ ପରିଦର୍ଶନ କରିଛନ୍ତି । ଅହମ୍ମଦାବାଦସ୍ଥିତ ଐତିହାସିକ ସାବରମତି ଆଶ୍ରମକୁ ଯାଇ ଜାତିର ପିତାଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ଆଜି କେଭାଡ଼ିଆଠାରେ ଭାରତପର୍ବ ସମାରୋହରେ ରାଜ୍ୟପାଳ ଯୋଗଦେବେ ।

---

# ଶ୍ରୀଶ୍ରୀ ରବିଶଙ୍କର

ଭୁବନେଶ୍ୱର ଲୋକସେବା ଭବନସ୍ଥିତ ସମ୍ମିଳନୀକକ୍ଷରେ ଗତକାଲି ଆୟୋଜିତ "ବିକଶିତ ଓଡ଼ିଶାରେ ଆଧ୍ୟାତ୍ମିକତା, ଶାସନରେ ନୀତି" ଶୀର୍ଷକରେ ଆଧ୍ୟାତ୍ମିକ ଗୁରୁ ତଥା ଆର୍ଟ ଅଫ୍ ଲିଭିଙ୍ଗ୍‌ର ପ୍ରତିଷ୍ଠାତା ଶ୍ରୀଶ୍ରୀ ରବିଶଙ୍କର ନିଜର ଦୃଷ୍ଟିକୋଣ ଉପସ୍ଥାପନ କରିଥିଲେ । ଏକ ଅଗ୍ରଗତିଶୀଳ, ଶାନ୍ତି, ସଦ୍‌ଭାବନା ଓ ଭାଇଚାରାର ସମନ୍ୱୟରେ ସମାଜ ଗଢ଼ିବାରେ ଆଧ୍ୟାତ୍ମିକତା ଓ ନୀତିମୂଲ୍ୟର ଆବଶ୍ୟକତା ଉପରେ ଶ୍ରୀଶ୍ରୀ ରବିଶଙ୍କର ଗୁରୁତ୍ୱପ୍ରଦାନ କରିଥିଲେ । ଏହି କାର୍ଯ୍ୟକ୍ରମରେ ରାଜ୍ୟ ସରକାରଙ୍କ ବରିଷ୍ଠ ପଦାଧିକାରୀ ଯୋଗଦେଇଥିଲେ ।

---

# ପରୀକ୍ଷା

ଓଡ଼ିଶା ମାଧ୍ୟମିକ ଶିକ୍ଷାପରିଷଦ ଦ୍ୱାରା ଆୟୋଜିତ ୨୦୨୬ ବାର୍ଷିକ ହାଇସ୍କୁଲ୍ ସାର୍ଟିଫିକେଟ୍ ପରୀକ୍ଷା ନିମନ୍ତେ ଫର୍ମ ପୂରଣ ବିଜ୍ଞପ୍ତି ପ୍ରକାଶ ପାଇଛି । ଉଭୟ ରେଗୁଲାର ଏବଂ ଏକ୍ସରେଗୁଲାର ପରୀକ୍ଷା ପାଇଁ ଆଜିଠାରୁ ଅନ୍‌ଲାଇନ୍ ମାଧ୍ୟମରେ ଆସନ୍ତା ୨୧ ତାରିଖ ରାତି ୧୧ଟା ୪୫ ମିନିଟ୍ ପର୍ଯ୍ୟନ୍ତ ଫର୍ମ ପୂରଣର ସମୟ ଧାର୍ଯ୍ୟ ହୋଇଛି । ଏହି ସମୟ ମଧ୍ୟରେ ରାଜ୍ୟ ମୁକ୍ତ ବିଦ୍ୟାଳୟ ସାର୍ଟିଫିକେଟ୍ ପରୀକ୍ଷା ପାଇଁ ଛାତ୍ରଛାତ୍ରୀମାନେ ଫର୍ମ ପୂରଣ କରିବାକୁ ବିଜ୍ଞପ୍ତିରେ କୁହାଯାଇଛି ।

# ଶ୍ରୀମନ୍ଦିର ସେବାୟତ

ପୁରୀ ଶ୍ରୀମନ୍ଦିର ନାଟମଣ୍ଡପରେ ବିଶୃଙ୍ଖଳିତ ଆଚରଣ ଘଟଣାରେ ଜଡ଼ିତ ୩ଜଣ ସେବାୟତଙ୍କୁ ମନ୍ଦିର ପ୍ରଶାସନ ପକ୍ଷରୁ ନିଲମ୍ବନ କରାଯାଇଛି । ଶ୍ରୀମନ୍ଦିରରେ ଡାଲ୍‌ଡା ଘିଅ ବ୍ୟବହାର ନେଇ ଦୁଇ ସେବାୟତଙ୍କ ମଧ୍ୟରେ ବିବାଦ ହେବା ଏବଂ ବାହାରକାଠ ନିକଟରେ ଶ୍ରଦ୍ଧାଳୁଙ୍କଠାରୁ ଜବରଦସ୍ତ ଅର୍ଥ ଆଦାୟ କରିବା ଘଟଣାରେ ଅନ୍ୟ ଜଣେ ସେବାୟତଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିବା ମନ୍ଦିର ପ୍ରଶାସନ ପକ୍ଷରୁ କୁହାଯାଇଛି । ମହାପ୍ରଭୁଙ୍କ ନୀତିକାନ୍ତି ଏବଂ ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନରେ ବାଧାବିଘ୍ନ ସୃଷ୍ଟି କରୁଥିବା ସେବାୟତ କିମ୍ବା ଅନ୍ୟ ବ୍ୟକ୍ତିବିଶେଷଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ କହିଛନ୍ତି ।

## ଛାୟା ସଂସଦ

ଗଞ୍ଜାମ ଜିଲ୍ଲା ଛତ୍ରପୁରସ୍ଥିତ ପିଏମ୍‌ଶ୍ରୀ ଅନସ୍କୋ ସରକାରୀ ଉଚ୍ଚବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ଛାୟା ସଂସଦ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାର ୩୯ଟି ପିଏମ୍‌ଶ୍ରୀ ବିଦ୍ୟାଳୟର ୧୫୬ ଜଣ ଛାତ୍ରଛାତ୍ରୀ ଏଥିରେ ଅଂଶଗ୍ରହଣ କରିଥିଲେ ।

## ମାଣ୍ଡିଆ ଦିବସ

ଦେବଗଡ଼ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ମାଣ୍ଡିଆ ଦିବସ ଖାଦ୍ୟ ମେଳା ଓ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ କବିନ୍ଦ୍ର କୁମାର ସାହୁ ଏଥିରେ ଯୋଗଦେଇ ମାଣ୍ଡିଆ ଭଳି ପୁଷ୍ଟିକର ଖାଦ୍ୟ ସଂପର୍କରେ ସଚେତନତା ବୃଦ୍ଧି ଉପରେ ଗୁରୁତ୍ୱ ପ୍ରଦାନ କରିଛନ୍ତି । ଏହି ଅବସରରେ ସ୍ୱୟଂସହାୟକ ଗୋଷ୍ଠୀ ସଦସ୍ୟାଙ୍କୁ ନେଇ ଜିଲ୍ଲାସ୍ତରୀୟ ଶ୍ରୀଅନ୍ନ ବ୍ୟଞ୍ଜନ ପ୍ରତିଯୋଗିତା ହୋଇଥିଲା ।

## ସୁରଭି

ସୁବର୍ଣ୍ଣପୁର ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଜିଲ୍ଲା ସଦରମହକୁମା ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ପରିସରରେ ପାଳିତ ହୋଇଯାଇଛି । ଜିଲ୍ଲାପାଳ ନୃପରାଜ ସାହୁ ଏଥିରେ ଯୋଗଦେଇ ଶିଶୁଙ୍କ ଅନ୍ତର୍ନିହିତ ଗୁଣାବଳି ଓ ମାନବିକ ମୂଲ୍ୟବୋଧର ବିକାଶ ଉପରେ ଗୁରୁତ୍ୱାରୋପ

କରିଥିଲେ । ଏହି ଅବସରରେ ବିଭିନ୍ନ ପ୍ରତିଯୋଗୀତାର କୃତି ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଛି ।

---

## ବାଲିଯାତ୍ରା

ଭଦ୍ରକ ସଦର ବ୍ଲକ ବାଉଦପୁର ଗ୍ରାମରେ ଶ୍ରୀ ନିତାଇଗୌର ହରିହର ବାଲିଯାତ୍ରା ଉତ୍ସବ ଚାଲିଛି । ୮ ଦିନ ଧରି ଚାଲିବାକୁ ଥିବା ଏହି ବାଲିଯାତ୍ରାରେ ବହୁ ବ୍ୟବସାୟ ପ୍ରତିଷ୍ଠାନ ଏବଂ ସ୍ୱୟଂସହାୟକ ଗୋଷ୍ଠୀ ପକ୍ଷରୁ ପ୍ରଦର୍ଶନୀ ମଣ୍ଡପମାନ ଖୋଲାଯାଇଛି ।

---

## କ୍ରୀଡ଼ା ପ୍ରତିଯୋଗିତା

ନବରଙ୍ଗପୁର ଜିଲ୍ଲା ପାପଡ଼ାହାଣ୍ଡି ବ୍ଲକ ଦଳେଇଗୁଡ଼ା ଲାଲବାହାଦୂର ସରକାରୀ ଉଚ୍ଚବିଦ୍ୟାଳୟରେ ଦୁଇଦିନିଆ ଜିଲ୍ଲାସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଏଥିରେ ୧୪ ଏବଂ ୧୭ ବର୍ଷରୁ କମ୍ ବର୍ଗରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା ।

ମାଲକାନଗିରି ଜିଲ୍ଲା ଏମ୍‌ଭି-୭ ଜଗନ୍ନାଥପାଲୀ ଉଚ୍ଚବିଦ୍ୟାଳୟ ପରିସରରେ ଜିଲ୍ଲାସ୍ତରୀୟ ଦ୍ୱାଦଶ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଏଥିରେ ୭ଟି ବ୍ଲକର ୩୨୦ ଜଣ ଛାତ୍ରଛାତ୍ରୀ ଯୋଗଦେଇଥିଲେ ।

---